# ଆଜି ଅନୁଗୋଳ ଜିଲ୍ଲାରୁ ୧୩୧ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୭୯୬୬ରେ ପହଞ୍ଚିଲା - ସୁସ୍ଥ ହେଲେ ୨୧୭ଜଣ ।

ଆଜି ଅନୁଗୋଳ ଜିଲ୍ଲାରୁ ଗୋଟିଏ ଦିନରେ ୧୩୧ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୨ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ୍ ଆକ୍ରାନ୍ତଙ୍କ ସଂଖ୍ୟା ୧୨୬ ରେ ପହଂଚିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଅନୁଗୋଳ ପୌରାଞ୍ଚଳରୁ ୨୯ଜଣ ( ୨୭ଜଣ ପୁରୁଷ ଓ୨ ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ୨୬ ଜଣ( ୧୫ଜଣ ପୁରୁଷ ଓ ୧୧ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳର୧୭ଜଣ ( ୧୧ଜଣ ପୁରୁଷ ଓ୬ ଜଣ ମହିଳା), ବଅଁରପାଳ ବ୍ଲକ୍ ଅଂଚଳରୁ ୧୭ଜଣ ( ୧୩ଜଣ ପୁରୁଷ ଓ ୪ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୧୩ଜଣ (୮ ଜଣ ପୁରୁଷ ଓ ୫ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୧ ଜଣ (୮ ଜଣ ପୁରୁଷ ଓ ୩ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୭ଜଣ (୪ ଜଣ ପୁରୁଷ ଓ ୩ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୪ ଜଣ ( ୩ଜଣ ପୁରୁଷ ଓ ୧ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୩ଜଣ ( ୧ଜଣ ପୁରୁଷ ଓ ୨ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୩ଜଣ ( ୩ଜଣ ପୁରୁଷ ) ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୧ଜଣ ( ୧ଜଣ ମହିଳା) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୨୧୭ ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୭ଜଣ କୋଭିଡ ହସପିଟାଲରୁ, ୧୬ ଜଣ କୋଭିଡ କେୟାର ସେଣ୍ଟରରୁ ଓ ୧୯୪ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୬୯୭ ତା.୨୨.୧୦.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା। ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ